ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 834/06-12-2020**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୦୬ ଡିସେମ୍ବର,୨୦୨୦**

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ତଥା ସାହିତ୍ୟିକ ପଦ୍ମଭୂଷଣ ରାଧାନାଥ ରଥଙ୍କ ଜୟନ୍ତୀରେ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଛନ୍ତି । ତାଙ୍କ ଦ୍ୱାରା ରଚିତ ଉଚ୍ଚକୋଟୀର କବିତା, ଗଳ୍ପ ଓଡ଼ିଆ ସାହିତ୍ୟଜଗତକୁ ଋଦ୍ଧିମନ୍ତ କରିଛି ବୋଲି ଉଲ୍ଲେଖ କରି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ସାମ୍ବାଦିକତା, ରାଜନୀତି ତଥା ସମାଜସେବା ପ୍ରତି ଥିବା ତାଙ୍କର ଅବଦାନ ଅବିସ୍ମରଣୀୟ ରହିବ ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଓଡ଼ିଶାର ଅନ୍ତର୍ଜାତୀୟ ଫୁଟବଲ ଖେଳାଳୀ କୃଷ୍ଣଚନ୍ଦ୍ର ରାଉତରାୟଙ୍କ ଦେହାନ୍ତରେ ଗଭୀର ଦୁଃଖ ପ୍ରକାଶ କରିଛନ୍ତି । କ୍ରୀଡ଼ାଜଗତରେ ସେ ଛାଡ଼ି ଯାଇଥିବା ଛାପ ତାଙ୍କୁ ସର୍ବଦା ସ୍ମରଣୀୟ କରି ରଖିବ ବୋଲି ଉଲ୍ଲେଖ କରି ମାନ୍ୟବର ମୁଖ୍ୟମନ୍ତ୍ରୀ ଏପରି ଦୁଃଖଦ ସମୟରେ ଶୋକସନ୍ତପ୍ତ ପରିବାରବର୍ଗଙ୍କୁ ସମବେଦନା ଜଣାଇବା ସହ ଅମର ଆତ୍ମାର ସଦ୍‌ଗତି କାମନା କରିଛନ୍ତି ।

➢ ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ଡିସେମ୍ବର ୫ରୁ ୬ ତାରିଖ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ଓଡ଼ିଶା ପୋଲିସ ପକ୍ଷରୁ ଗୋଟିଏ ମାମଲା ଦାଏର କରାଯାଇଥିବାବେଳେ ୧୭ ଜଣ ବ୍ୟକ୍ତିଙ୍କୁ ଗିରଫ, ୬୭୬ ଟି ଗାଡ଼ି ଜବତ ଏବଂ ୨୨,୮୯,୫୫୦ ଟଙ୍କା ଜରିମାନା ଆଦାୟ କରାଯାଇଛି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୬୧,୪୩,୭୬୧ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୨୧,୧୯୬ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୧୫,୨୭୦ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୭୭୧ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୪,୧୦୨ ରହିଛି ।
- ୪,୧୦୨ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**